PRESS RELEASE

**ପ୍ରେସ୍ ବିଜ୍ଞପ୍ତି: ୨୩**

# ଟିପିଡବ୍ଲୁଓଡିଏଲ୍ ପକ୍ଷରୁ ଗ୍ରୀଡ୍ ସବ-ଷ୍ଟେସନରେ ରକ୍ଷଣାବେକ୍ଷଣ କାର୍ଯ୍ୟ ଲାଗି ଆସନ୍ତାକାଲି ସମ୍ବଲପୁର ସହରର ବିଭିନ୍ନ ଅଞ୍ଚଳରେ ବିଦ୍ୟୁତ୍ କଟକଣା

**ବୁର୍ଲା, ୧୧.୦୭.୨୦୨୫:** ପଶ୍ଚିମ ଓଡ଼ିଶାର ବିଦ୍ୟୁତ୍ ବିତରକ କମ୍ପାନୀ (ଟିପିଡବ୍ଲ୍ୟୁଓଡିଏଲ୍) ପକ୍ଷରୁ ୧୩୨/୩୩ କେ.ଭି. ସମ୍ବଲପୁର ଗ୍ରୀଡ୍ ସବଷ୍ଟେସନରେ ରକ୍ଷଣାବେକ୍ଷଣ କାର୍ଯ୍ୟ ଲାଗି ସମ୍ବଲପୁର ସହର ଅନ୍ତର୍ଗତ ଚେରୁଆପଡ଼ା, ନନ୍ଦପଡ଼ା, ଝାଡ଼ୁଆପଡ଼ା, ବଡ଼ବଜାର, ବାଲିବନ୍ଧା, ଚନ୍ଦନନଗର, ଦୁର୍ଗାପାଲି, ଫାର୍ମ ରୋଡ୍, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ, କାଇଁସିର୍ ରୋଡ୍, ସମଲେଶ୍ୱରୀ ମନ୍ଦିର ଅଞ୍ଚଳ, ଲକ୍ଷ୍ମୀଟକିଜ୍, ପୋଲିସ୍ ଲାଇନ୍, ମୁଦିପଡ଼ା, କ୍ଷେତ୍ରରାଜପୁର ଆଦି ଅଞ୍ଚଳ ଏବଂ ଏହାର ଆଖପାଖ ଅଞ୍ଚଳରେ **ଆସନ୍ତାକାଲି (ତା. ୧୨.୦୭.୨୦୨୫ ରିଖ୍, ଗୁରୁବାର) ସକାଳ ୭ଟା ରୁ ସକାଳ ୧୧ଟା ପର୍ଯ୍ୟନ୍ତ** ବିଦ୍ୟୁତ୍ ଯୋଗାଣ ବନ୍ଦ ରହିବ ।

ଏହି ରକ୍ଷଣାବେକ୍ଷଣ କାର୍ଯ୍ୟ ସ୍ଥିର, ନିରବଚ୍ଛିନ୍ନ ତଥା ଗୁଣାତ୍ମକ ବିଦ୍ୟୁତ୍ ସେବା ପାଇଁ ଅତ୍ୟନ୍ତ ଜରୁରୀ ଅଟେ । ତେଣୁ ସାମୟିକ ସମୟ ପାଇଁ ବିଦ୍ୟୁତ୍ ସେବା ବ୍ୟାହତ ହେବା ଲାଗି ଟିପିଡବ୍ଲ୍ୟୁଓଡିଏଲ୍ କର୍ତ୍ତୃପକ୍ଷ ଦୁଃଖପ୍ରକାଶ କରିବା ସହ ଉକ୍ତ ଅଞ୍ଚଳର ବିଦ୍ୟୁତ୍ ଗ୍ରାହକ ତଥା ଜନସାଧାରଣଙ୍କ ସହଯୋଗ କାମନା କରୁଅଛନ୍ତି ।

**କର୍ପୋରେଟ୍ ଯୋଗାଯୋଗ ଏବଂ ସରକାରୀ ସମ୍ପର୍କ ମୁଖ୍ୟ**
**ଟିପିଡବ୍ଲ୍ୟୁଓଡିଏଲ୍, କର୍ପୋରେଟ୍ କାର୍ଯ୍ୟାଳୟ, ବୁର୍ଲା**